# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

### 22 February - 2025

# ବିଧାନସଭା ମୁଲତବୀ

ସପ୍ତଦଶ ବିଧାନସଭାର  ପ୍ରଥମ ପର୍ଯ୍ୟାୟ ବଜେଟ୍ ଅଧିବେଶନ ଶେଷ ହୋଇଛି । ବାଚସ୍ପତି ସୁରମା ପାଢ଼ୀ ଗତକାଲି ଗୃହକୁ ମୁଲତବୀ ଘୋଷଣା କରିଛନ୍ତି । ପ୍ରଥମ ପର୍ଯ୍ୟାୟ ଅଧିବେଶନରେ  ରାଜ୍ୟପାଳଙ୍କ ଅଭିଭାଷଣ ଉପରେ ଧନ୍ୟବାଦ ପ୍ରସ୍ତାବ ଆଲୋଚନା ଏବଂ ୨ ଲକ୍ଷ ୯୦ ହଜାର କୋଟି ଟଙ୍କାର ବଜେଟ୍ ଆଗତ ହୋଇଥିଲା । ଗତ ୧୩ ତାରିଖରୁ ଆରମ୍ଭ ହୋଇଥିବା ଅଧିବେଶନର ପ୍ରଥମ ପର୍ଯ୍ୟାୟରେ ମୋଟ୍ ୮ଟି କାର୍ଯ୍ୟଦିବସ ରହିଥିଲା । ଏହି ଅଧିବେଶନର ଦ୍ୱିତୀୟ ପର୍ଯ୍ୟାୟ ଆସନ୍ତାମାସ ୭ ତାରିଖରେ ଆରମ୍ଭ ହୋଇ ଏପିଲ୍ ୫ ତାରିଖ ପର୍ଯ୍ୟନ୍ତ ଚାଲିବ । ଏଥିରେ ବିଭିନ୍ନ ବିଭାଗର ଖର୍ଚ୍ଚ ଦାବି ଉପରେ ଆଲୋଚନା ହେବ ବୋଲି ଆମ ସମ୍ବାଦଦାତା ଜଣାଇଛନ୍ତି ।

## ସୁଭଦ୍ରା ଶକ୍ତି ମେଳା

ଭୁବନେଶ୍ୱର ଜନତା ମଇଦାନରେ ଆଜିଠାରୁ ଆରମ୍ଭ ହେବାକୁ ଥିବା ସୁଭଦ୍ରା ଶକ୍ତି ମେଳାକୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଉଦ୍‌ଘାଟନ କରିବେ । ଏ ସଂପର୍କରେ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା କହିଛନ୍ତି, ଏହି ମେଳାରେ  ୭୦୦ରୁ ଅଧିକ ସ୍ୱୟଂ ସହାୟିକା ମହିଳା ଗୋଷ୍ଠୀ ଏବଂ ଉତ୍ପାଦକ

ଗୋଷ୍ଠୀମାନଙ୍କ ଦ୍ୱାରା ପ୍ରଦତ୍ତ ସାମଗ୍ରୀର ପ୍ରଦର୍ଶନୀ ଓ ବିକ୍ରି ହେବ । ଆସନ୍ତାମାସ ୨ ତାରିଖ ପର୍ଯ୍ୟନ୍ତ ଚାଲିବାକୁ ଥବବା ଏହି ରାଜ୍ୟସ୍ତରୀୟ ମେଳାରେ ୩୦୦ରୁ ଅଧିକ ଷ୍ଟଲ୍ ଖୋଲିବ। ସୁଭଦ୍ରା ମେଳା ମହିଳାମାନଙ୍କ ସୃଜନଶୀଳତା, ଦକ୍ଷତା ଏବଂ ଉଦ୍ୟୋଗତା ଦେଖିବାର ଏକ ଅନନ୍ୟ ସୁଯୋଗ ପ୍ରଦାନ କରିବ ବୋଲି ଶ୍ରୀମତୀ ପରିଡା କହିଛନ୍ତି।

# ରେଳପଥ

ରେଳ ମନ୍ତ୍ରଣାଳୟ ୨୫୦ କିଲୋମିଟର ଦୀର୍ଘ ଗୋପାଳପୁର-ରାୟଗଡ଼ା ନୂଆ ରେଳ ଲାଇନ୍ ଓ ନୂଆପଡ଼ା-ଗୁଣୁପୁର-ଥେରୁବାଲି ଦୋହରୀକରଣ ପାଇଁ ଫାଇନାଲ୍ ଲୋକେସନ ସର୍ଭେକୁ ମଂଜୁରୀ ପ୍ରଦାନ କରିଛି । ଏହି ନୂତନ ପ୍ରକଳ୍ପ ଓଡ଼ିଶାର ବିକାଶଧାରାକୁ ତ୍ୱରାନ୍ୱିତ କରିବ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି । ମୁଖ୍ୟମନ୍ତ୍ରୀ ଦିଲ୍ଲୀରେ ରେଳମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବଙ୍କ ସହ ରାଜ୍ୟର ରେଳ ଭିତ୍ତିଭୂମି ସଂପର୍କରେ ଆଲୋଚନା କରିଥିଲେ ।

# ବୁଝାମଣାପତ୍ର

ରାଜ୍ୟ ସରକାର ଗତ ୧୦ବର୍ଷ ମଧ୍ୟରେ ୧୬୮ଟି ଶିଳ୍ପ ସଂସ୍ଥା ସହ ବୁଝାମଣାପତ୍ର ସ୍ୱାକ୍ଷର କରିଛନ୍ତି । ୨୦୧୫ରୁ ୨୦୨୪ ବର୍ଷ ମଧ୍ୟରେ ୨୩ଟି ଶିଳ୍ପ ସଂସ୍ଥା ସହ ବୁଝାମଣାପତ୍ର ସ୍ୱାକ୍ଷରିତ ହୋଇଛି। ଗତ ଉତ୍କର୍ଷ ଓଡ଼ିଶା ସମ୍ମିଳନୀରେ ୧୪୫ଟି ବୁଝାମଣାପତ୍ର ସ୍ୱାକ୍ଷରିତ ହୋଇଥିବା ଶିଳ୍ପମନ୍ତ୍ରୀ ସଂପଦ କୁମାର ସ୍ୱାଇଁ ବିଧାନସଭାରେ କହିଛନ୍ତି ।

# ଅବକାରୀ ନୀତି- ଚିଠା ପ୍ରସ୍ତାବ

ଭୁବନେଶ୍ୱର ରାଜ୍ୟ ଅତିଥି ଭବନରେ ରାଜ୍ୟ ଅବକାରୀ ନୀତି ୨୦୨୫-୨୬ ପ୍ରଣୟନ ଲାଗି ଚିଠା ପ୍ରସ୍ତାବ ଉପରେ ଅଂଶୀଦାରମାନଙ୍କ ମତାମତ ସଂପର୍କିତ ଏକ ବୈଠକ ଅନୁଷ୍ଠିତ ହୋଇଛି । ବୈଠକରେ ବିଭାଗୀୟ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ  ଅବକାରୀ ନୀତିରେ ଜନସାଧାରଣ ଓ ଅଂଶୀଦାରମାନଙ୍କର ମତାମତକୁ ସ୍ଥାନ ଦେବା ଉପରେ ଗୁରୁତ୍ୱ ପ୍ରଦାନ କରିଥିଲେ ।

# ଓମାନ-ଶ୍ରମିକ

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ହସ୍ତକ୍ଷେପ ପରେ ଓମାନ୍‌ରେ ଫସି ରହିଥିବା ଗଞ୍ଜାମର ୪ ଜଣ ଶ୍ରମିକ ସୁରକ୍ଷିତ ଭାବେ ଓଡ଼ିଶା ଫେରିଛନ୍ତି । ଏଥିପାଇଁ ମୁଖ୍ୟମନ୍ତ୍ରୀ ବୈଦେଶିକ ବ୍ୟାପାର ମନ୍ତ୍ରୀଙ୍କୁ ଧନ୍ୟବାଦ ଜ୍ଞାପନ କରିଛନ୍ତି । ସୂଚନା ଅନୁସାରେ ଓମାନରେ  ଓଡ଼ିଆ ଶ୍ରମିକମାନେ ଫସିଥିବା ଖବର ମିଳିବା ପରେ  ମୁଖ୍ୟମନ୍ତ୍ରୀ ସେମାନଙ୍କୁ ଉଦ୍ଧାର କରିବା ପାଇଁ ପଦକ୍ଷେପ ନେବାକୁ ନୂଆଦିଲ୍ଲୀସ୍ଥିତ ମୁଖ୍ୟ ଆବାସିକ କମିଶନରଙ୍କୁ ଜଣାଇଥିଲେ ।

# ବୈଠକ

ଗଞ୍ଜାମ ଜିଲ୍ଲାର ଅତିରିକ୍ତ ଜିଲ୍ଲାପାଳ ଦେବଦତ୍ତ ପଣ୍ଡାଙ୍କ ଅଧ୍ୟକ୍ଷତାରେ ଜିଲ୍ଲା ସଂସ୍କୃତି ପରିଷଦର ସାଧାରଣ ପରିଷଦ ବୈଠକ ଅନୁଷ୍ଠିତ ହୋଇଛି । ବୈଠକରେ ଲୋକକଳା କାରକାରମାନଙ୍କ ପାରିଶ୍ରମିକ ବୃଦ୍ଧି

ପାଇଁ ନିଷ୍ପତ୍ତି ହୋଇଛି । ଏହା ସହ ଜିଲ୍ଲାସ୍ତରୀୟ ନାଟକ ମହୋତ୍ସବ, ଲୋକକଳା ଏବଂ ଶାସ୍ତ୍ରୀୟ ନୃତ୍ୟ କର୍ମଶାଳାର ଆୟୋଜନ ପାଇଁ ନିଷ୍ପତ୍ତି ହୋଇଥିବା ଜଣାପଡ଼ିଛି ।

## ହକି

ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମ୍‌ରେ ଚାଲିଥିବା ଏଫ୍‌ଆଇଏଚ୍ ପ୍ରୋ.ଲିଗ୍‌ରେ ଗତକାଲି ପୁରୁଷ ବର୍ଗରେ ଭାରତ’ ଆୟାରଲାଣ୍ଡକୁ ୩-୧ ଗୋଲ୍‌ରେ ପରାସ୍ତ କରିଛି । ସେହିପରି ମହିଳା ବର୍ଗରେ ଜର୍ମାନୀ’ ଭାରତଠାରୁ ୪-୦ ଗୋଲ୍‌ରେ ବିଜୟୀ ହୋଇଛି ।

ପୁରୁଷ ବର୍ଗରେ ଆଜି ସନ୍ଧ୍ୟାରେ ଭାରତ ଏବଂ ଆୟାରଲ୍ୟାଣ୍ଡ ଓ ମହିଳା ବର୍ଗରେ ଭାରତ’ ଜର୍ମାନୀ ମଧ୍ୟରେ ମ୍ୟାଚ୍ ଖେଳାଯିବ ।

## ଜଳକ୍ରୀଡ଼ା

ମଧ୍ୟପ୍ରଦେଶର ଭୋପାଳରେ ଅନୁଷ୍ଠିତ ସର୍ବଭାରତୀୟ ପୁଲିସ୍ ଜଳକ୍ରୀଡ଼ା ପ୍ରତିଯୋଗିତାରେ ଓଡ଼ିଶା ପୁଲିସ୍ ଦଳ ୫ଟି ସ୍ୱର୍ଣ୍ଣ, ଗୋଟିଏ ରୌପ୍ୟ ଓ ୪ଟି କାଂସ୍ୟ ପଦକ ଜିତିଛି । ଦଳର ଏହି ସଫଳତା ପାଇଁ ପୁଲିସ୍ ମହାନିର୍ଦ୍ଦେଶକ ଯୋଗେଶ ବାହାଦୂର ଖୁରାନିଆ ପଦକ ବିଜେତାଙ୍କୁ ଶୁଭେଚ୍ଛା ଜଣାଇଛନ୍ତି ।

## ମନ୍ କୀ ବାତ୍

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତାକାଲି ପୂର୍ବାହ୍ନ ୧୧ଟା ସମୟରେ ଆକାଶବାଣୀର ମନ୍ କି ବାତ୍ କାର୍ଯ୍ୟକ୍ରମରେ ଦେଶବାସୀଙ୍କ ସହ ଭାବ

ବିନିମୟ କରିବେ। ଏହା ପ୍ରଧାନମନ୍ତ୍ରୀଙ୍କ ମନ୍ କୀ ବାତ୍ କାର୍ଯ୍ୟକ୍ରମର ୧୧୯ତମ ସଂସ୍କରଣ ହେବ। ମନ୍ କି ବାତ୍ କାର୍ଯ୍ୟକ୍ରମ ଆକାଶବାଣୀ ଓ ଦୂରଦର୍ଶନର ସମସ୍ତ କେନ୍ଦ୍ର, ଆକାଶବାଣୀ ସମ୍ବାଦ ୱେବ୍‌ସାଇଟ୍ ଓ ନ୍ୟୁଜ୍ ଅନ୍ ଏ.ଆଇ.ଆର୍. ମୋବାଇଲ୍ ଆପ୍‌ରେ ଉପଲବ୍ଧ ହେବ।

ଆକାଶବାଣୀ ସମ୍ବାଦ, ଡି.ଡି. ନ୍ୟୁଜ୍, ପି.ଏମ୍.ଓ. ଏବଂ ସୂଚନା ଓ ପ୍ରସାରଣ ମନ୍ତ୍ରଣାଳୟ ୟୁଟ୍ୟୁବ୍ ଚ୍ୟାନେଲ୍‌ରେ ମନ୍ କୀ ବାତ୍ କାର୍ଯ୍ୟକ୍ରମର ଲାଇଭ୍ ଷ୍ଟ୍ରିମିଙ୍ଗ୍ ହେବ। ପ୍ରଧାନମନ୍ତ୍ରୀଙ୍କର ସମ୍ବୋଧନ ପରେ ଆଞ୍ଚଳିକ ଭାଷାରେ ମନ୍ କୀ ବାତ୍ ପ୍ରସାରଣ କରାଯିବ। ଆଞ୍ଚଳିକ ଭାଷାରେ ଏହାର ଭାଷାନ୍ତର ପୁଣିଥରେ ରାତି ୮ଟାରେ ପ୍ରସାରଣ କରାଯିବ।

## ରେଳସେବା

ଉତ୍ତରପ୍ରଦେଶର ପ୍ରୟାଗରାଜଠାରେ ଚାଲିଥିବା ମହାକୁମ୍ଭ ମେଳା ପାଇଁ ରାଜ୍ୟର ୨୫ଟି ସହରକୁ ସଂଯୋଗ କରି ପୂର୍ବତଟ ରେଳପଥ ପକ୍ଷରୁ ୬୦ଟି ସ୍ୱତନ୍ତ୍ର ଟ୍ରେନ୍ ଚଳାଚଳ କରୁଛି । ଏହି ଟ୍ରେନ୍ ପୁରୀ, ଭୁବନେଶ୍ୱର, କଟକ, ଖୋର୍ଦ୍ଧା, ବ୍ରହ୍ମପୁର ଏବଂ ଅନ୍ୟ ସହରରୁ ଚଳାଚଳ କରୁଛି । ରାଜ୍ୟର ପ୍ରତ୍ୟେକ ଅଞ୍ଚଳରୁ ତୀର୍ଥଯାତ୍ରୀଙ୍କୁ ରେଳସେବା ଯୋଗାଇଦେବା ପାଇଁ ଏହି ପଦକ୍ଷେପ  ନିଆଯାଇଛି ବୋଲି ପୂର୍ବତଟ ରେଳପଥ ପକ୍ଷରୁ କୁହାଯାଇଛି ।

## ପାଣିପାଗ

ରାଜ୍ୟର କେତେକ ସ୍ଥାନରେ  ପଶ୍ଚିମା ଝଡ଼ର ପ୍ରଭାବରେ ବର୍ଷା ହୋଇଯାଇଛି। ଗତକାଲି କଟକର ଆଠଗଡ଼ରେ ସର୍ବାଧିକ ୪୫ ମିଲିମିଟର ବର୍ଷା ରେକର୍ଡ

ହୋଇଥିଲା । ଭୁବନେଶ୍ୱର ଆଂଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ, ଆସନ୍ତା ୨୪ ଘଣ୍ଟା ମଧ୍ୟରେ ବାଲେଶ୍ୱର, କେନ୍ଦୁଝର, ମୟୂରଭଞ୍ଜ ଓ ଭଦ୍ରକ ଜିଲ୍ଲାର କେତେକ ସ୍ଥାନରେ ଘଡଘଡ଼ି ସହ ପ୍ରବଳ ବର୍ଷା ହେବାର ସମ୍ଭାବନା ଥିବାରୁ ସତର୍କ ସୂଚନା ଜାରି କରାଯାଇଛି। ସେହିଭଳି କଟକ, ଖୋର୍ଦ୍ଧା ସମେତ ୧୪ଟି ଜିଲ୍ଲାରେ ଘଡ଼ଘଡ଼ି ସହ ବର୍ଷା ହେବାର ସମ୍ଭାବନା ରହିଛି ।